ପ୍ରେସ୍ ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୩୬ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୨୭୫୬ରେ ପହଞ୍ଚିଲା - ସୁସ୍ଥ ହେଲେ ୧୩ ଜଣ ।

ଅନୁଗୋଳ, ତା.୧୧.୦୪:- ଆଜି ଅନୁଗୋଳ ଜିଲ୍ଲାରେ ୩୬ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ଵାବ ନମୁନା ଦେଇଥିବା ବ୍ୟକ୍ତି) କେହି ଆକ୍ରାନ୍ତ ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଙ୍କ ସଂଖ୍ୟା ୨୫୬ ରେ ରହିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ତାଳଚେର ବ୍ଲକ୍ ଅଂଚଳରୁ ୮ଜଣ (୪ ଜଣ ପୁରୁଷ ଓ ୪ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୭ ଜଣ (୪ ଜଣ ପୁରୁଷ ଓ ୩ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୬ଜଣ ( ୫ଜଣ ପୁରୁଷ ଓ୧ ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୫ଜଣ ( ୩ଜଣ ପୁରୁଷ ଓ ୨ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୪ଜଣ ( ୩ଜଣ ପୁରୁଷ ଓ ୧ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୩ଜଣ (୧ ଜଣ ପୁରୁଷ ଓ ୨ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା) ଓ ଅନୁଗୋଳ ବ୍ଲକ୍ ଅଂଚଳରୁ ୧ଜଣ (୧ ଜଣ ମହିଳା)ଅଛନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୧୩ଜଣ ହୋମ Isolation ରେ ଥିବାର ଜଣାପଡିଛି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୨୪୬ ତା.୧୧.୦୪.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

(signature) ୧୧/୪/୨୦୨୧

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,
ଅନୁଗୋଳ